# ଆଜି ଅନୁଗୋଳ ଜିଲ୍ଲାରୁ ୨ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୪୪୫୯ରେ ପହଞ୍ଚିଲା - ସୁସ୍ଥ ହେଲେ ୨ଜଣ ।

ଅନୁଗୋଳ, ତା.୧୬.୧୧:- ଆଜି ଅନୁଗୋଳ ଜିଲ୍ଲାରେ ୨ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ୨ଜଣ ଆକ୍ରାନ୍ତଂକ ମଧ୍ୟରେ କେବଳ ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଚିହ୍ନଟ ହୋଇଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୯୮ ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୧୧ଲକ୍ଷ ୬୦ହଜାର ୨୮୨ ଜଣଙ୍କୁ ଟିକା ଦିଆଗଲାଣି ।